# ଗ୍ରାମୀଣ କୃଷି ମୌସମ ସେବା
# ଭାରତ ପାଣିପାଗ ବିଭାଗ
# ଓଡ଼ିଶା କୃଷି ଓ ବୈଷୟିକ ବିଶ୍ୱବିଦ୍ୟାଳୟ
# ଆଞ୍ଚଳିକ ଗବେଷଣା ଓ ବୈଷୟିକ ପ୍ରସାରଣ କେନ୍ଦ୍ର, ଚିପିଲିମା

ସଂଖ୍ୟା - ୮୬ (ଓଡ଼ିଆ ବୁଲେଟିନ୍) ସପ୍ତାହ - ୪୩ ତାରିଖ: ୨୮.୧୦.୨୦୨୫

## ଜିଲ୍ଲା – ଝାରସୁଗୁଡ଼ା

### ପର୍ଯ୍ୟବେକ୍ଷଣ କେନ୍ଦ୍ରରେ ୨୨.୧୦.୨୦୨୫ ରୁ ୨୮.୧୦.୨୦୨୫ ମଧ୍ୟରେ ରେକର୍ଡ କରାଯାଇଥିବା ସର୍ବାଧିକ ଏବଂ ସର୍ବନିମ୍ନ ତାପମାତ୍ରା ଏବଂ ଜିଲ୍ଲାର ହାରାହାରି ବର୍ଷାପାତ

| | ସର୍ବାଧିକ ତାପମାତ୍ରା (ଡିଗ୍ରୀ ସେ.) | | | | | | | ସର୍ବନିମ୍ନ ତାପମାତ୍ରା (ଡିଗ୍ରୀ ସେ.) | | | | | | | ବୃଷ୍ଟିପାତ (ମିଲି ମିଟର) | | | | | | |
|---|---|---|---|---|---|---|---|---|---|---|---|---|---|---|---|---|---|---|---|---|---|
| ତାରିଖ | ୨୨ | ୨୩ | ୨୪ | ୨୫ | ୨୬ | ୨୭ | ୨୮ | ୨୨ | ୨୩ | ୨୪ | ୨୫ | ୨୬ | ୨୭ | ୨୮ | ୨୨ | ୨୩ | ୨୪ | ୨୫ | ୨୬ | ୨୭ | ୨୮ |
| ଝାରସୁଗୁଡ଼ା | 34 | 34 | 34 | 34 | 33 | 33 | 33 | 20 | 20 | 21 | 22 | 23 | 21 | 23 | 0.0 | 0.0 | 0.0 | 0.0 | 0.0 | 0.7 | 0.0 |

### ଆସନ୍ତା ପାଞ୍ଚ ଦିନର ପାଣିପାଗ ପୂର୍ବାନୁମାନ

| ପାଣିପାଗ କାରକ | ୨୯-୧୦-୨୦୨୫ | ୩୦-୧୦-୨୦୨୫ | ୩୧-୧୦-୨୦୨୫ | ୦୧-୧୧-୨୦୨୫ | ୦୨-୧୧-୨୦୨୫ |
|---|---|---|---|---|---|
| ବୃଷ୍ଟିପାତ (ମିଲି ମିଟର) | 25 | 30 | 35 | 25 | 15 |
| ସର୍ବାଧିକ ତାପମାତ୍ରା (º ସେଣ୍ଟିଗ୍ରେଡ) | 30 | 29 | 29 | 30 | 30 |
| ସର୍ବନିମ୍ନ ତାପମାତ୍ରା (º ସେଣ୍ଟିଗ୍ରେଡ) | 24 | 24 | 23 | 23 | 23 |
| ମେଘ ଆବରଣ (ଓକଟା) | 6 | 6 | 6 | 6 | 5 |
| ସର୍ବାଧିକ ଆପେକ୍ଷିକ ଆର୍ଦ୍ରତା (ଶତକଡା %) | 89 | 93 | 94 | 92 | 92 |
| ସର୍ବନିମ୍ନ ଆପେକ୍ଷିକ ଆର୍ଦ୍ରତା (ଶତକଡା %) | 61 | 75 | 79 | 67 | 68 |
| ପବନର ବେଗ (କିମି/ଘଣ୍ଟା ପ୍ରତି) | 14 | 16 | 6 | 6 | 3 |
| ପବନର ଦିଗ (ଡିଗ୍ରୀ) | 63 | 360 | 149 | 216 | 230 |

ଅଧିକ ଜାଣିବା ପାଇଁ, ଭାରତୀୟ ପାଣିପାଗ ବିଭାଗ, ଭୁବନେଶ୍ୱର, ଟେଲିଫୋନ# ୦୬୭୪-୨୫୯୬୧୧୬ରେ ଯୋଗାଯୋଗ କରନ୍ତୁ

## ପାଣିପାଗ ସାରାଂଶ/ସତର୍କ ସୂଚନା :

ଭାରତ ପାଣିପାଗ ବିଜ୍ଞାନ ବିଭାଗ, ମୌସମ ବିଜ୍ଞାନ କେନ୍ଦ୍ର, ଭୁବନେଶ୍ୱରର ମଧ୍ୟମ ଅବଧି ପୂର୍ବାନୁମାନ ଅନୁଯାୟୀ, ଆଗାମୀ ସପ୍ତାହରେ ହାଲୁକା ରୁ ମଧ୍ୟମ ଧରଣର ବର୍ଷା ସହିତ ଗୋଟେ କିମ୍ବା ଦୁଇଟା ସ୍ଥାନରେ ଭାରି ବର୍ଷା ହେବାର ମଧ ସମ୍ଭାବନା ରହିଅଛି ଏବଂ ଏହି ସମୟ ଅବଧିରେ ଆକାଶ ସାଧାରଣତଃ ମେଘାଚ୍ଛନ୍ନ ରହିପାରେ । ଆସନ୍ତା ସପ୍ତାହରେ ସର୍ବାଧିକ (ଦିନର) ଓ ସର୍ବନିମ୍ନ ତାପମାତ୍ରାରେ ବିଶେଷ କିଛି ପରିବର୍ତ୍ତନ ଦେଖାଯିବାର ସମ୍ଭାବନା ନାହିଁ । ଆସନ୍ତା ୫ ଦିନ ମଧ୍ୟରେ ଆର୍ଦ୍ରତା ଅଧିକ ରହିବା ସହିତ ସପ୍ତାହର ପ୍ରଥମ କିଛି ଦିନ ପବନର ଗତି ମଧ ଅଧିକ ରହିପାରେ ଓ ଏହି ସମୟ ଅବଧିରେ ଉତ୍ତର-ପୂର୍ବ, ଉତ୍ତର, ଦକ୍ଷିଣ-ପୂର୍ବ ଓ ଦକ୍ଷିଣ-ପଶ୍ଚିମ ଦିଗରୁ ପବନ ବହିବାର ସମ୍ଭାବନା ବନିପାରେ ।

## ସାଧାରଣ ଉପଦେଶ

- ବାତ୍ୟା-ମୋନ୍ଥା ଯୋଗୁଁ ସୃଷ୍ଟି ହୋଇଥିବା ପ୍ରଚଳିତ ପାଗର ସ୍ଥିତି (ବୃଷ୍ଟିପାତ ସହିତ ଦ୍ରୁତ ପବନ ବେଗ)କୁ ଦୃଷ୍ଟିରେ ରଖି, ଚାଷୀମାନଙ୍କୁ ସତର୍କ ସୁଚନା ଦିଆଯାଇଥିବା ସମୟରେ ବୁଣା କିମ୍ବା ରୋପଣ ତଥା ସମସ୍ତ ପ୍ରକାରର ସିଞ୍ଚନ କାର୍ଯ୍ୟକୁ ସ୍ଥଗିତ ରଖିବାକୁ ପରାମର୍ଶ ଦିଆଯାଇଅଛି।
- ପୂର୍ବରୁ ଅମଳ ହୋଇଥିବା ଫସଲକୁ ସୁରକ୍ଷିତ ସ୍ଥାନରେ ରଖିବାର ଉଚିତ ବ୍ୟବସ୍ଥା କରନ୍ତୁ ।
- ଫସଲ କ୍ଷେତରୁ ଅତିରିକ୍ତ ବର୍ଷା ପାଣି ନିଷ୍କାସନ କରିବାର ବ୍ୟବସ୍ଥା କରନ୍ତୁ ।
- ସତର୍କ ଚେତାବନୀ ସମୟରେ ଖୋଲା ସ୍ଥାନରେ ପଶୁମାନଙ୍କୁ ଚରାଇବାକୁ ନିଅନ୍ତୁ ନାହିଁ ।

- ଫଳ ଏବଂ ପନିପରିବା  ଫସଲଗୁଡ଼ିକୁ ପ୍ରବଳ ପବନରୁ ରକ୍ଷା କରିବା ପାଇଁ ଯାନ୍ତ୍ରିକ ସହାୟତା ପ୍ରଦାନ କରନ୍ତୁ ।
- ଚାଷୀମାନେ ଭାରତ ପାଣିପାଗ ବିଭାଗର ପାଣିପାଗ ପୂର୍ବାନୁମାନ ଏବଂ ଓଡ଼ିଶା ସ୍ଥିତିର କୃଷି ପାଣିପାଗ ପରାମର୍ଶ ପାଇଁ ମେଘଦୂତ ମୋବାଇଲ ଆପ ତଥା ନିଜ ଅଞ୍ଚଳର ବିଜୁଳି କିମ୍ବା ବଜ୍ରପାତ ପୂର୍ବାନୁମାନ ପାଇଁ ଦାମିନୀ ଆପ ଓ  ସ୍ଥାନ  ନିର୍ଦ୍ଧିଷ୍ଟ  ପୂର୍ବାନୁମାନ  ଏବଂ  ଚେତାବନୀ  ପାଇଁ  ମୌସମ  ଆପ  ର ବ୍ୟବହାର କରିପାରିବେ ।

## ସଂକ୍ଷିପ୍ତ ଉପଦେଶ

- ଆଗାମୀ ବର୍ଷାକୁ ଦୃଷ୍ଟିରେ ରଖି, ଚାଷୀମାନଙ୍କୁ ଫସଲ କ୍ଷେତରୁ ଅତିରିକ୍ତ ବର୍ଷାଜଳ ନିଷ୍କାସନ କରିବା ପାଇଁ ଉପଯୁକ୍ତ ବ୍ୟବସ୍ଥା କରିବାକୁ ଏବଂ ସେମାନଙ୍କର ଅମଳ ହୋଇଥିବା ଉତ୍ପାଦକୁ ସୁରକ୍ଷିତ ସ୍ଥାନରେ ରଖିବାକୁ ପରାମର୍ଶ ଦିଆଯାଇଛି ।

## ପାଣିପାଗ ଭିତ୍ତିକ କୃଷି  ଏବଂ ପଶୁପାଳନ ଉପଦେଶ

| ଫସଲର ନାମ | ଫସଲ ଅବସ୍ଥା | କୃଷି ଏବଂ ପଶୁପାଳନ ପାଇଁ ପାଣିପାଗ ଭିତ୍ତିକ ପରାମର୍ଶ |
|---|---|---|
| ବର୍ଷା ଦିନିଆ ଧାନ | ଫୁଲ ଓ ଦୁଗ୍ଧ ଅବସ୍ଥା / ଦାନା ଭରିବା  ଅବସ୍ଥା ଓ ବିକସିତ ହେବା ଅବସ୍ଥା/ ପରିପକ୍ବ ଅବସ୍ଥା | • ଧାନ କ୍ଷେତରୁ ଅତିରିକ୍ତ ବର୍ଷା ପାଣି ନିଷ୍କାସନ କରିବାର ବ୍ୟବସ୍ଥା କରନ୍ତୁ ।<br>• ସତର୍କତା ଅବଧି ପାଇଁ ଜଳସେଚନ ବନ୍ଦ କରନ୍ତୁ ଏବଂ ସିଞ୍ଚନ କାର୍ଯ୍ୟ ସ୍ଥଗିତ ରଖନ୍ତୁ ।<br>• କମ ଅବଧିର ଧାନ ଯାହା ପୂର୍ବରୁ କଟାହୋଇକି ବାହାରେ ରଖା ହୋଇଛି ତାକୁ ସୁରକ୍ଷିତ ସ୍ଥାନରେ ରଖନ୍ତୁ । |
| ସୋରିଷ ଓ ତୋରିଆ | ପ୍ରଭେଦ ଚୟନ/ ବୁଣା ଅବସ୍ଥା | • ପୁସା ବୋଲ୍ଡ, ବିନୟ, ପୁସା ବାହାର, ବରୁଣ, ପୁସା ଜୟକିସାନ, ଜେ.ଡି-୬, ତୋରିଆ- ଏମ୍ ୨୯, ଅନୁରାଧା, ପାର୍ବତୀ ଭଳି ଉପଯୁକ୍ତ କିସମ ବ୍ୟବହାର କରନ୍ତୁ ଏବଂ ଆଗାମୀ ଦିନରେ ଗୋଟିଏ କିମ୍ବା ଦୁଇଟି ସ୍ଥାନରେ ପ୍ରବଳ ବର୍ଷା ହେବାର ସମ୍ଭାବନା ଥିବାରୁ ବୁଣା ପାଇଁ କିଛି ଦିନ ଅପେକ୍ଷା କରନ୍ତୁ ।<br>• ଠିଆ ଫସଲ କ୍ଷେତରୁ ଅତିରିକ୍ତ ପାଣି ନିଷ୍କାସନ କରିବାର ବ୍ୟବସ୍ଥା କରନ୍ତୁ । |
| ଆମ୍ବ | ବଗିଚା ପରିଚାଳନା | • କ୍ଷେତରେ ପାଣି ଜମି ରହିବାକୁ ଏଡାଇବା ପାଇଁ ଉତ୍ତମ ଜଳ ନିଷ୍କାସନର ବ୍ୟବସ୍ଥା ସୁନିଶ୍ଚିତ କରନ୍ତୁ ।<br>• କିଛି ଦିନ ପାଇଁ ଜଳସେଚନ, ସିଞ୍ଚନ ଏବଂ ଅନ୍ୟାନ୍ୟ ଆନ୍ତଃକୃଷି କାର୍ଯ୍ୟକୁ ସ୍ଥଗିତ ରଖନ୍ତୁ ।<br>• ନୂତନ ଭାବରେ ଲଗାଯାଇଥିବା ଫଳ ଗଛଗୁଡ଼ିକୁ ଯାନ୍ତ୍ରିକ ସହାୟତା ପ୍ରଦାନ କରନ୍ତୁ । |
| ବିଲାତି ବାଇଗଣ (ଟମାଟର୍) | ନର୍ସରୀ ତଳି ଘେରା ପ୍ରସ୍ତୁତି / ଚାରା ଅବସ୍ଥା / ରୋପଣ | • ସତର୍କତା ଅବଧି ମଧ୍ୟରେ ବୁଣା ତଥା ରୋପଣ, ଜଳସେଚନ ଏବଂ ସମସ୍ତ ପ୍ରକାରର ସିଞ୍ଚନ କାର୍ଯ୍ୟକୁ ସ୍ଥଗିତ ରଖନ୍ତୁ ।<br>• ନର୍ସରୀ ବେଡ୍ ବା ତଳି ଘରା ଏବଂ ଠିଆ ଫସଲ କ୍ଷେତରୁ ଅତିରିକ୍ତ ପାଣି ନିଷ୍କାସନ ପାଇଁ ଉପଯୁକ୍ତ ବ୍ୟବସ୍ଥା କରନ୍ତୁ ।<br>• ବିଭିନ୍ନ ରୋଗ ଏବଂ କୀଟମାନଙ୍କ ଆକ୍ରମଣ ବିରୁଦ୍ଧରେ ନଜର ରଖନ୍ତୁ । |
| ଗୋରୁ ଗାଈ ଓ ମଇଁଷି | • ଆସନ୍ତା ସପ୍ତାହରେ ବିଜୁଳି ଘଡ଼ଘଡି ସହ ବର୍ଷା ହେବାର ସମ୍ଭାବନାକୁ ଧ୍ୟାନରେ ରଖି ପଶୁମାନଙ୍କୁ କୌଣସି ପ୍ରକାରର ବୈଦ୍ୟୁତିକ ଉପକରଣଠାରୁ ଦୂରେଇ ରଖନ୍ତୁ ଏବଂ ବାହାରେ ଖୋଲାରେ ନ ବାନ୍ଧି ସୁରକ୍ଷିତ ଆଶ୍ରୟରେ ରଖନ୍ତୁ । ବର୍ଷା ଜଳ ସିଧାସଳଖ ଗୁହାଳ ଭିତରକୁ ନ ପଶିବା ପାଇଁ ଉଚିତ ବ୍ୟବସ୍ଥା କରନ୍ତୁ । ସ୍ତନହରା ଓ ଫାଟୁଆ ରୋଗର ଆକ୍ରମଣ ପ୍ରତି ସାବଧାନ ରୁହନ୍ତୁ । | |


| | |
|---|---|
| **Ms. Jubuli Sahu**<br>**Junior Agrometeorologist,**<br>**AMFU, RRTTS, Chiplima** | **Dr. Sanjukta Mohapatra**<br>**ADR cum Nodal Officer**<br>**RRTTS, Chiplima** |


---

- କୃଷି ରେ ଉତ୍ତମ ଲାଭ ପାଇଁ, **OUAT KALINGA** ପ୍ରଡକ୍ଟସ (ବିହନ, ଚାରା ରୋପଣ ଓ କ୍ୟୁପିଏମ୍, ଟିସୁ କଲଚର ପ୍ଲାଣ୍ଟ, ଫଳ ଓ ପନିପରିବା, ମୂଲ୍ୟଯୁକ୍ତ ଉତ୍ପାଦ, ଫିଙ୍ଗରଲିଙ୍ଗ୍/ଇୟରଲିଙ୍ଗ୍, କୁକୁଡ଼ା ଛୁଆ, ମହୁମାଛି ଓ ସ୍କୋନ୍, ଜୈବ ସାର, ଜୈବ କୀଟନାଶକ, ଜିଆ ଏବଂ ଜିଆ ଖତ ଇତ୍ୟାଦି) ବ୍ୟବହାର କରନ୍ତୁ।
- ଭାରତ ପାଣିପାଗ ବିଭାଗର ପାଣିପାଗ ପୂର୍ବାନୁମାନ ଏବଂ ଓଡ଼ିଶା ସ୍ଥିତିର କୃଷି ପାଣିପାଗ ପରାମର୍ଶଦାତା ପାଇଁ ମେଘଦୂତ ମୋବାଇଲ ଆପ (https://play.gooogle.com/store/apps/details?id=com.aas.meghdoot) ତଥା ନିଜ ଅଞ୍ଚଳର ବିଜୁଳି କିମ୍ବା ବଜ୍ରପାତ ପୂର୍ବାନୁମାନ ପାଇଁ ଦାମିନୀ ଆପ (https://play.google.com/store/apps/details?id=com.lightening.live.damini) ଓ ସ୍ଥାନ ନିର୍ଧିଷ୍ଟ ପୂର୍ବାନୁମାନ ଏବଂ ଚେତାବନୀ ପାଇଁ ମୌସମ ଆପ ର ବ୍ୟବହାର କରିପାରିବେ।